# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 20th April - 2024

### News Editor : *Tapan Kumar Moharana*

********************************

***Desk***

## ସାଧାରଣ ନିର୍ବାଚନ

୨୦୨୪ ସାଧାରଣ ନିର୍ବାଚନର ପ୍ରଥମ ପର୍ଯ୍ୟାୟରେ ଗତକାଲି ୧୦୨ଟି ସଂସଦୀୟ ଆସନ ପାଇଁ ମତଦାନ ଶେଷ ହୋଇଛି । ୨୧ଟି ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରେ ମତଦାନ ହାର ୬୦ ପ୍ରତିଶତରୁ ଅଧିକ ରହିଥିବା ଜଣାପଡ଼ିଛି ।

***BBSR/R***

## ନାମାଙ୍କନ ପତ୍ର ଦାଖଲ

ରାଜ୍ୟରେ ପ୍ରଥମ ପର୍ଯ୍ୟାୟ ଭୋଟ୍‌ଗ୍ରହଣ ଆସନ୍ତା ମଇ ୧୩ ତାରିଖରେ ଅନୁଷ୍ଠିତ ହେବ । ଏଥିପାଇଁ ଗୁରୁବାରଠାରୁ ନାମାଙ୍କନ ପ୍ରକ୍ରିୟା ଆରମ୍ଭ ହୋଇଛି । ରାଜ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, ଗତ ୨ ଦିନରେ ମୋଟ୍ ୧୫ ଜଣ ପ୍ରାର୍ଥୀ ସେମାନଙ୍କର ନାମାଙ୍କନପତ୍ର ଦାଖଲ କରିଛନ୍ତି ।

*IPR*

## ଆକାଶବାଣୀ - ନିର୍ବାଚନ ପ୍ରଚାର

ଚଳିତ ସାଧାରଣ ନିର୍ବାଚନ ପାଇଁ ଆକାଶବାଣୀ ଓ ଦୂରଦର୍ଶନ ମାଧ୍ୟମରେ ସ୍ୱୀକୃତିପ୍ରାପ୍ତ ଜାତୀୟ ଓ ଆଞ୍ଚଳିକ ରାଜନୈତିକ ଦଳଗୁଡ଼ିକ ଦେୟମୁକ୍ତ ନିର୍ବାଚନ ପ୍ରଚାରର ସମୟ ନିର୍ଘଣ୍ଟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରେ ଚିରକୁଟ ଉଠାଣ ମାଧ୍ୟମରେ ସ୍ଥିରୀକୃତ ହୋଇଛି । ରହିଥିବା ବ୍ୟବସ୍ଥା ଅନୁସାରେ ସ୍ୱୀକୃତିପ୍ରାପ୍ତ ଜାତୀୟ ଓ ଆଞ୍ଚଳିକ ରାଜନୈତିକ ଦଳଗୁଡ଼ିକ ଆକାଶବାଣୀ ଓ ଦୂରଦର୍ଶନରେ ନିର୍ବାଚନ ପ୍ରଚାର ପାଇଁ ସମୟ ପାଇଥା'ନ୍ତି । ସେହି କ୍ରମରେ ଆକାଶବାଣୀ କଟକ କେନ୍ଦ୍ର ଓ ଦୂରଦର୍ଶନ କେନ୍ଦ୍ର, ଭୁବନେଶ୍ୱର ଆନୁକୂଲ୍ୟରେ ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ଡକ୍ଟର ଏନ୍. ତିରୁମାଲ୍ଲା ନାୟକଙ୍କ ପୌରୋହିତ୍ୟରେ ଗତକାଲି ଏହି ଚିରକୁଟ ଉଠାଣ କରାଯାଇଛି ।

*Desk*

## ଅଂଶୁଘାତ ମୃତ୍ୟୁ

ରାଜ୍ୟରେ ଅଂଶୁଘାତରେ ବାଲେଶ୍ୱର ଜିଲ୍ଲା ଭୋଗରାଇ ବ୍ଲକ୍ ମହେଶ୍ୱରପୁର ଗ୍ରାମର ଜଣେ ବ୍ୟକ୍ତିଙ୍କର ଗତକାଲି ମୃତ୍ୟୁ ଘଟିଛି । ସେହିପରି ଅଂଶୁଘାତ ଓ ଗ୍ରୀଷ୍ମପ୍ରବାହଜନିତ ଅସୁସ୍ଥତା କାରଣରୁ ୭୧ ଜଣ

ଡାକ୍ତରଖାନାରେ ଚିକିତ୍ସିତ ହୋଇଥିବା ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଡାକ୍ତର ନିରଞ୍ଜନ ମିଶ୍ର ସୂଚନା ଦେଇଛନ୍ତି ।

*Desk*

## ବିଦ୍ୟାଳୟ ଛୁଟି - ମିଥ୍ୟା ଖବର

ସ୍କୁଲ୍ ଛୁଟି ସମ୍ପର୍କିତ ମିଥ୍ୟା ଖବର ବିଭିନ୍ନ ସାମାଜିକ ଗଣମାଧ୍ୟମରେ ପ୍ରସାରିତ ହେଉଥିବା ତଥ୍ୟକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଖଣ୍ଡନ କରାଯାଇଛି । ପ୍ରବଳ ଗ୍ରୀଷ୍ମପ୍ରବାହକୁ ଦୃଷ୍ଟିରେ ରଖି ଆସନ୍ତା ଜୁନ୍ ମାସ ୧୫ ତାରିଖ ପର୍ଯ୍ୟନ୍ତ ସ୍କୁଲ୍ ଛୁଟି ସମ୍ପର୍କିତ ତଥ୍ୟ ଭୁଲ୍ ବୋଲି ବିଭାଗ ପକ୍ଷରୁ କୁହାଯାଇଛି । ସ୍କୁଲ୍ ଛୁଟି ସମୟ ବୃଦ୍ଧି ସଂକ୍ରାନ୍ତରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ କୌଣସି ସୂଚନା ଦିଆଯାଇ ନାହିଁ । ସୂଚନାଯୋଗ୍ୟ, ଗ୍ରୀଷ୍ମପ୍ରବାହକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର ଆଜି ପର୍ଯ୍ୟନ୍ତ ସ୍କୁଲ୍‌ଗୁଡ଼ିକୁ ଛୁଟି ରଖିଛନ୍ତି ।

*Desk*

## ଆୟୁର୍ବେଦିକ ଡାକ୍ତର ପରୀକ୍ଷାଫଳ

ଆୟୁର୍ବେଦିକ ଏବଂ ହେମିଓପ୍ୟାଥିକ୍ ଡାକ୍ତରମାନଙ୍କର ପରୀକ୍ଷା ଫଳ ଗତକାଲି ପ୍ରକାଶ ପାଇଛି । ଆୟୁର୍ବେଦିକ ମେଡିକାଲ୍ ଅଫିସର ପରୀକ୍ଷାରେ ୪୨୮ ଜଣ ପରୀକ୍ଷାର୍ଥୀ କୃତକାର୍ଯ୍ୟ ହୋଇଛନ୍ତି । ସେହିପରି ହୋମିଓପ୍ୟାଥିକ୍

ମେଡିକାଲ୍ ଅଫିସର ପରୀକ୍ଷାରେ ୩୧୯ ପ୍ରାର୍ଥୀ ଉତ୍ତୀର୍ଣ୍ଣ ହୋଇଛନ୍ତି । ଏହି ଦୁଇ ପରୀକ୍ଷାରେ ମୋଟ୍ ୭୪୭ କୃତକାର୍ଯ୍ୟଙ୍କ ମଧ୍ୟରୁ ୪୯୯ ଜଣ ମହିଳା ପରୀକ୍ଷାର୍ଥୀ କୃତକାର୍ଯ୍ୟ ହୋଇଥିବା ଓଡ଼ିଶା ଲୋକସେବା ଆୟୋଗ - ଓ.ପି.ଏସ୍.ସି. ପକ୍ଷରୁ କୁହାଯାଇଛି ।

***Desk***

# ରଥଯାତ୍ରା - ସମନ୍ୱୟ କମିଟି ବୈଠକ

ବିଶ୍ୱପ୍ରସିଦ୍ଧ ପୁରୀ ରଥଯାତ୍ରା ପ୍ରଥମ ସମନ୍ୱୟ କମିଟି ବୈଠକ ଆଜି ପୁରୀ ଟାଉନ୍‌ହଲ୍‌ଠାରେ ଅନୁଷ୍ଠିତ ହେବ । କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହେବାକୁ ଥିବା ଏହି ବୈଠକରେ ବିଭିନ୍ନ ବିଭାଗର ଅଧିକାରୀ, ପୁଲିସ୍, ମନ୍ଦିର ସେବାୟତ, ସାମ୍ବାଦିକ ଏବଂ ସହରର ବୁଦ୍ଧିଜୀବୀମାନେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି । ଉଲ୍ଲେଖଯୋଗ୍ୟ, ରଥଯାତ୍ରାର ପ୍ରଥମ ସମନ୍ୱୟ କମିଟି ବୈଠକ ରାଜସ୍ୱ ଆୟୋଗଙ୍କ ଅଧ୍ୟକ୍ଷତାରେ ହୋଇଥାଏ । ଦ୍ୱିତୀୟ ସମନ୍ୱୟ କମିଟି ବୈଠକ ଆଇନ ମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଏବଂ ତୃତୀୟ ତଥା ଚୂଡ଼ାନ୍ତ ବୈଠକ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ହୋଇଥାଏ ।

*Desk*

# ବଉଳା କୁମ୍ଭର

ବଉଳା କୁମ୍ଭୀରମାନଙ୍କର ପ୍ରଜନନ ପାଇଁ ଆସନ୍ତା ମଇ ମାସ ୧ ତାରିଖରୁ ଜୁଲାଇ ମାସ ୩୧ ତାରିଖ ପର୍ଯ୍ୟନ୍ତ ଭିତରକନିକା ଜାତୀୟ ଉଦ୍ୟାନ ବନ୍ଦ ରହିବ । ଭିତରକନିକା ସହିତ ଯୋଡ଼ି ହୋଇଥିବା ନଦୀ ଓ ନାଳଗୁଡ଼ିକରେ କୁମ୍ଭୀରମାନେ ବସାବାନ୍ଧି ଅଣ୍ଡା ଦେବେ । ଏହି ସମୟରେ ମାଈ କୁମ୍ଭୀରମାନେ ଅଧିକ ହିଂସ୍ର ହୋଇଥା'ନ୍ତି । ପର୍ଯ୍ୟଟକଙ୍କ ସୁରକ୍ଷା ଏବଂ କୁମ୍ଭୀରମାନଙ୍କ ଅଣ୍ଡାଦାନ ପ୍ରକ୍ରିୟାକୁ ସୁରକ୍ଷିତ ରଖିବାପାଇଁ ଭିତରକନିକା ଜାତୀୟ ଉଦ୍ୟାନ କର୍ତ୍ତୃପକ୍ଷଙ୍କ ପକ୍ଷରୁ ଏଭଳି ପଦକ୍ଷେପ ନିଆଯାଇଛି ।

*Desk*

# ତାପମାତ୍ରା

ରାଜ୍ୟରେ ତାପମାତ୍ରା ବୃଦ୍ଧି ପାଇବାରେ ଲାଗିଛି । ଗତକାଲି ଦିନର ସର୍ବୋଚ୍ଚ ତାପମାତ୍ରା ବୌଦ୍ଧଠାରେ ୪୪ ଦଶମିକ ୩ ଡିଗ୍ରୀ ସେଲ୍‌ସିୟସ୍ ଥିବାବେଳେ ବାରିପଦାରେ ୪୪ ଦଶମିକ ୨ ଡିଗ୍ରୀ ରେକର୍ଡ଼ କରାଯାଇଥିଲା । ଏଥିସହିତ ରାଜ୍ୟର ୩୨ଟି ସହରର ତାପମାତ୍ରା ୪୦ ଡିଗ୍ରୀରୁ ଅଧିକ ରହିଥିବା ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି ।

ଆସନ୍ତା ୨୪ ଘଣ୍ଟା ପର୍ଯ୍ୟନ୍ତ ଏଭଳି ସ୍ଥିତି ଲାଗିରହିବ ବୋଲି ଅନୁମାନ କରାଯାଉଛି । ନୟାଗଡ଼, ମୟୂରଭଞ୍ଜ, ଅନୁଗୁଳ ଓ ବୌଦ୍ଧ ଜିଲ୍ଲାରେ ପ୍ରଚଣ୍ଡ ଗ୍ରୀଷ୍ମପ୍ରବାହ ହେବାକୁ ଥିବାବେଳେ କେନ୍ଦୁଝର, ଖୋର୍ଦ୍ଧା, ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ଢେଙ୍କାନାଳ, ମାଲକାନଗିରି, ନବରଙ୍ଗପୁର, ଗଜପତି ଓ ଗଞ୍ଜାମ ଜିଲ୍ଲାପାଇଁ ଅରେଞ୍ଜ୍ ୱାର୍ଣ୍ଣିଂ ଜାରି କରାଯାଇଛି । ଚଳିତ ମାସରେ ୭ ଦିନ ଗ୍ରୀଷ୍ମପ୍ରବାହ ଅନୁଭୂତ ହୋଇସାରିଛି । ତେବେ ଆସନ୍ତାକାଲିଠାରୁ ସମ୍ଭାବ୍ୟ ପଶ୍ଚିମା ଝଡ଼ ପ୍ରଭାବରେ ରାଜ୍ୟର ଅନେକ ସ୍ଥାନରେ ଦିନର ତାପମାତ୍ରା ୨ରୁ ୩ ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ଘଟିବ । ୨୪ ତାରିଖ ପର୍ଯ୍ୟନ୍ତ ତାତିରୁ ସାମୟିକ ଆଶ୍ୱସ୍ତି ମିଳିପାରେ; କିନ୍ତୁ ୨୫ ତାରିଖଠାରୁ ପୁଣି ଶୁଷ୍କବାୟୁ ପ୍ରଭାବରେ ଦିନର ତାପମାତ୍ରା ବୃଦ୍ଧି ପାଇପାରେ ବୋଲି ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୁହାଯାଇଛି ।

*****